# ଜିଲ୍ଲାପାଳଙ୍କ ଦ୍ୱାରା ତାଳଚେର କୋଭିଡ ହସପିଟାଲକୁ ଅଚାନକ ପରିଦର୍ଶନ ।

ତାଳଚେର କୋଭିଡ ହସପିଟାଲକୁ ଆଜି ପୂର୍ବାହ୍ନରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ଅଚାନକ ପରିଦର୍ଶନ କରି ଏଠାରେ ରୋଗୀମାନଙ୍କୁ ଦିଆଯାଉଥିବା ଖାଦ୍ୟର ମାନକୁ ଯାଂଚ କରିଥିଲେ । ଜିଲ୍ଲାପାଳ ନିଜେ ମଧ୍ୟାହ୍ନ ଭୋଜନ ଖାଇ ଖାଦ୍ୟ ପ୍ରସ୍ତୁତି ଓ ଏହାର ଗୁଣବତ୍ତାକୁ ପରିକ୍ଷା କରିଥିଲେ । ଏହାଛଡା ଜିଲ୍ଲାପାଳ ହସପିଟାଲରେ କାର୍ଯ୍ୟରତ ଡାକ୍ତର,କର୍ମଚାରୀ ଓ ପାରାମେଡିକାଲ କର୍ମଚାରୀଙ୍କ ସହ ରୋଗୀମାନଙ୍କୁ ଉତ୍ତମ ଚିକିତ୍ସା ସେବା ଯୋଗାଇଦେବା ଉପରେ ଆଲୋଚନା କରିଥିଲେ । ଏହି ୧୫୦ ଶଯ୍ୟା ବିଶିଷ୍ଟ ହସପିଟାଲରେ ଅନୁଗୋଳ ସମେତ ସମ୍ବଲପୁର ଓ ଢେଙ୍କାନାଳ ଜିଲ୍ଲାର କରୋନା ଆକ୍ରାନ୍ତମାନେ ଚିକିତ୍ସିତ ହେଉଛନ୍ତି । ହସପିଟାଲରେ ଚିକିତ୍ସା ଓ ଖାଦ୍ୟ ଯୋଗାଣ ବ୍ୟବସ୍ଥା ସହ ପାନୀୟ ଜଳ ଯୋଗାଣ,ସଫାସୁତରା ଓ ପରିମଳ ବ୍ୟବସ୍ଥା ସମ୍ପର୍କରେ ଜିଲ୍ଲାପାଳ ସମୀକ୍ଷା କରିଥିଲେ । ଜିଲ୍ଲାପାଳଂକ ଏହି ପରିଦର୍ଶନ ସମୟରେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶଙ୍କ ସମେତ ହସପିଟାଲର କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୭୫ ତା.୧୯.୭.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୧୯/୭/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।







